OFFICE OF THE TAHASILDAR BARIPADA

PR No - 973/2024

# ତହସିଲଦାରଙ୍କ କାର୍ଯ୍ୟାଳୟ,ବାରିପଦା

**ଇସ୍ତାହାର** (Rev. Misc Case No-01/2024)

( ସରକାରୀ ଜମିର ଜବରଦଖଲ ନୋଟ ଉଚ୍ଛେଦ ସମ୍ବନ୍ଧେ )

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆ ଯାଉଅଛି ଯେ, ନିମ୍ନ ତଫସିଲ ବର୍ଣ୍ଣିତ ଜମି ***ଓଡିଶା ସରକାର,*** **ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗଙ୍କ ଶିମିଳିପାଳ ଦକ୍ଷିଣ ବନ୍ୟଜନ୍ତୁ ଉପଖଣ୍ଡ କାର୍ଯ୍ୟାଳୟ ଗୃହ *ନିର୍ମାଣ*** ନିମନ୍ତେ ଏଲାଇନେସନ ସୂତ୍ରେ ବନ୍ଦୋବସ୍ତ କରିବାର ପ୍ରସ୍ତାବ ହୋଇଅଛି । ଯେହେତୁ ଉକ୍ତ ଜମି ସରକାରୀ ରକ୍ଷିତ ଖାତା ଏବଂ ପ୍ଲଟ ମନ୍ତବ୍ୟରେ "ଭଞ୍ଜପୁର ନିମ୍ନ ପ୍ରାଥମିକ ବିଦ୍ୟାଳୟ" ଜବରଦଖଲ ନୋଟ ରହିଅଛି, ତାର ଉଚ୍ଛେଦ ଆବଶ୍ୟକ ହେଉଅଛି । ଏଣୁ ଏହି ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର (୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

**ତଫସିଲ**

ମୌଜାର ନାମ-ୟୁନିଟ ନଂ-୦୩, ଫରେଷ୍ଟକୋଲନିସାହି ଥାନାର ନାମ :- ବାରିପଦା ନଂ:- ୮୯

| ଖାତା ନଂ | ପ୍ଲଟ ନଂ | ରକବା (ଏକରରେ) | ବର୍ତ୍ତମାନର କିସମ | ଆବଶ୍ୟକ ପରିବର୍ତ୍ତିତ ଖାତା |
|---|---|---|---|---|
| 246 (ରକ୍ଷିତ) | 11 | ଏ.0.11 | ଘରବାରି | ମନ୍ତବ୍ୟରେ ଥିବା ଜବରଦଖଲ ନୋଟ ଉଚ୍ଛେଦ |
| ମୋଟ | | ଏ.0.11 | | |

ଏହାର ଏକକିତା ନକଲ **ୟୁନିଟ ନଂ- ୦୩, ଫରେଷ୍ଟକୋଲନିସାହି** ମୌଜାରେ ଡେଙ୍ଗୁରା ଦ୍ୱାରା ଜାରି କରିବାକୁ ପଠାଗଲା । ଏହାର ଏକକିତା ନକଲ ମ୍ୟୁନିସିପାଲଟି ଅଫିସ,ବାରିପଦା / ଗୋଷ୍ଠୀଶିକ୍ଷା ଅଧିକାରୀ, ବାରିପଦା / ରାଜସ୍ୱ ନିରୀକ୍ଷକ,ବାରିପଦା-୧ ଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ବାରିପଦା ତହସିଲ ଅଫିସ ନୋଟିସବୋର୍ଡରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦା ଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

(Signature) 23-07-2024

ତହସିଲଦାର, ବାରିପଦା

TAHASILDAR
BARIPADA